ପ୍ରେସ୍‌ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୫୨ ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୧୦୧୪୯ରେ ପହଞ୍ଚିଲା - ସୁସ୍ଥ ହେଲେ ୯୦ ଜଣ ।

ଅନୁଗୋଳ, ତା,୧୫.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ୫୨ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଙ୍କ ମଧ୍ୟରୁ ୧ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଙ୍କ ସଂଖ୍ୟା ୧୬୬ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ପାଲଲହଡା ବ୍ଲକ୍ ଅଂଚଳରୁ ୧୧ଜଣ ( ୫ଜଣ ପୁରୁଷ ଓ ୬ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୦ଜଣ ( ୬ଜଣ ପୁରୁଷ ଓ ୪ଜଣ ମହିଳା), ବଣ୍ଡରପାଳ ବ୍ଲକ୍ ଅଂଚଳରୁ ୯ଜଣ ( ୬ଜଣ ପୁରୁଷ ଓ୩ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୬ଜଣ ( ୫ଜଣ ପୁରୁଷ ଓ ୧ଜଣ ମହିଳା), ତାଳଚେର ବ୍ଲକ୍ ଅଂଚଳରୁ ୫ଜଣ ( ୨ଜଣ ପୁରୁଷ ଓ ୩ଜଣ ମହିଳା), ତାଳଚେର ପୌରାଞ୍ଚଳରୁ ୫ଜଣ ( ୪ଜଣ ପୁରୁଷ ଓ ୧ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୪ଜଣ ( ୩ଜଣ ପୁରୁଷ ଓ ୧ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ ) ଓ ଅନୁଗୋଳ ବ୍ଲକ୍ ଅଂଚଳରୁ ୧ ଜଣ ( ୧ଜଣ ପୁରୁଷ ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୯୦ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୧୭ଜଣ କୋଭିଡ ହସପିଟାଲରୁ ଓ ୭୩ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୭୪୯ ତା.୧୫.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ